# ଅବପାତ, ଆଜିଠୁ ବର୍ଷିବ

**ଭୁବନେଶ୍ୱର, ୬।୧୨/ଏନ୍‌ଏନ୍‌ଏସ୍:**

ଦକ୍ଷିଣ-ପୂର୍ବ ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ୱେଲ୍ ମାର୍କଡ଼ ଲୋ-ପ୍ରେସର୍ କ୍ରମଶଃ ଘନୀଭୂତ ହୋଇ ଅବପାତର ରୂପ ନେଇଛି। ଆସନ୍ତା ୩୬ ଘଣ୍ଟା ମଧ୍ୟରେ ଏହା ଗଭୀର ଅବପାତର ରୂପ ନେବ। ବର୍ତ୍ତମାନ ଏହି ଅବପାତ ଗୋପାଳପୁରଠାରୁ ୧୧୦୦ କିମି ଦୂରରେ କେନ୍ଦ୍ରୀଭୂତ ହୋଇଛି। ଏଠାରୁ ଏହା ଉତ୍ତର-ପଶ୍ଚିମ ଦିଗରେ ଗତକରି ୮ ତାରିଖ ସନ୍ଧ୍ୟା ସୁଦ୍ଧା ଆନ୍ଧ୍ରପ୍ରଦେଶ ଉପକୂଳ ଛୁଇଁବ। ଏହାର ପ୍ରଭାବରେ ଆସନ୍ତାକାଲି ସନ୍ଧ୍ୟାରୁ ଦକ୍ଷିଣ ଓଡ଼ିଶାରେ ବର୍ଷା ଆରମ୍ଭ ହୋଇଯିବ। ୮ ତାରିଖ ସକାଳୁ ୧୧ ତାରିଖ ଯାଏ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି ବୋଲି ଆଜି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି। ପାଣିପାଗ କେନ୍ଦ୍ରର ଏହି ସୂଚନା ଚାଷୀମାନଙ୍କ ମଧ୍ୟରେ ଫସଲ ନଷ୍ଟ ହେବାର ଆଶଙ୍କା ସୃଷ୍ଟି କରିଛି। ସମ୍ଭାବ୍ୟ ବର୍ଷାକୁ ଦୃଷ୍ଟିରେ ରଖି ରାଜ୍ୟର ବିଭିନ୍ନ ସ୍ଥାନରେ ଚାଷୀମାନେ ସେମାନଙ୍କ ଜମିରୁ ପାଚିଲା ଧାନକୁ କାଟି ସୁରକ୍ଷିତ ସ୍ଥାନକୁ ନେବାରେ ଲାଗିପଡ଼ିଛନ୍ତି। ଆଞ୍ଚଳିକ ପାଣିପାଗ କେନ୍ଦ୍ରର ନିର୍ଦ୍ଦେଶକ ଡ. ଶରତ ଚନ୍ଦ୍ର ସାହୁ କହିଛନ୍ତି,ଆସନ୍ତାକାଲି ରାତିରୁ ଦକ୍ଷିଣ ଓଡ଼ିଶାର କୋରାପୁଟ, ମାଲକାନଗିରି, ରାୟଗଡ଼ା ଓ ଗଞ୍ଜାମ ଭଳି କିଛି ଜିଲ୍ଲାରେ ବର୍ଷା ଆରମ୍ଭ ହୋଇଯିବ। କିନ୍ତୁ ବର୍ଷାର ପରିମାଣ ସେତେ ଅଧିକ ରହିବ ନାହିଁ। ଅବପାତ ଘନୀଭୂତ ହୋଇ ଗଭୀର ଅବପାତର ରୂପ ନେଇ ଉତ୍ତର-ପଶ୍ଚିମ

▶▶ ୭

ନିତିଦିନ NITIDIN Thu, Dec 7, 2017
http://odishanewsnitidin.com